# ତହସିଲ କାର୍ଯ୍ୟାଳୟ, ବାଙ୍କୀ

ପତ୍ରସଂଖ୍ୟା 2695 ତାରିଖ 28.10.2020

## ଦୀର୍ଘମିଆଦୀ ଲିଜ୍ ନିମନ୍ତେ ନିଲାମ ଇସ୍ତାହାର

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ ଓଡିଶା ସରକାରଙ୍କ ରାଜସ୍ୱ ବିଭାଗ ଅଧୀନସ୍ଥ ବାଙ୍କୀ ତହସିଲ୍ ଅନ୍ତର୍ଗତ ନିମ୍ନଲିଖିତ ସୈରାତ ଉତ୍ସ ( ବ୍ରହ୍ମପୁରା କଳା ମେଣ୍ଟାଲ ଖଣି) ର ଆସନ୍ତା ପାଞ୍ଚ ବର୍ଷ ନିମନ୍ତେ ଲିଜ୍ ସକାଶେ ଦରଖାସ୍ତ ଆହ୍ୱାନ କରାଯାଉଛି । ଇଛୁକ ବ୍ୟକ୍ତିବିଶେଷ **OMMC RULE 2016 FORM- M** ପୁରଣ କରି ତିନି କପି ସହ ନିମ୍ନଲିଖିତ ଆବଶ୍ୟକୀୟ ଦସ୍ତାବିଜ ସଲଗ୍ନ କରି ଜଉମୁଦ ଲଫାପାରେ Rregistered Post/Speed post ଜରିଆରେ ତହସିଲଦାର ବାଙ୍କୀଙ୍କ ଠିକଣାରେ କିମ୍ବା ତହସିଲ କାର୍ଯ୍ୟାଳୟର Tender Box ରେ ଆସନ୍ତା ତା ୦୫.୧୧.୨୦୨୦ ରିଖ ଠାରୁ ତା ୨୩.୧୧.୨୦୨୦ ରିଖ ଅପରାହ୍ନ ୫ ଘଟିକା ପର୍ଯ୍ୟନ୍ତ ପକାଇ ପାରିବେ ( ଛୁଟିଦିନ ବ୍ୟତୀତ ) ଏବଂ ତା ୨୩.୧୧.୨୦୨୦ ରିଖ ଅପରାହ୍ନ ୫ ଘଟିକା ପରେ ପ୍ରାପ୍ତ ହୋଇଥିବା ଦରଖାସ୍ତ ଗୁଡିକୁ ବିଚାରକୁ ନିଆଯିବ ନାହିଁ । ଲଫାପା ଉପରେ ସୈରାତ ଉତ୍ସର ନାମ ଓ ସୈରାତ କେଶ ନମ୍ବର ଲେଖା ଥିବା ଆବଶ୍ୟକ । କୌଣସି କାରଣ ନଦର୍ଶାଇ ନିଲାମକୁ ସ୍ଥଗିତ/ ରଦ୍ଦ କରିବାର କ୍ଷମତା କ୍ଷମତାପ୍ରାପ୍ତ ଅଧିକାରୀ ଓ ଜିଲ୍ଲାପାଳ, କଟକଙ୍କର ରହିଛି । ତା ୨୪.୧୧.୨୦୨୦ ରିଖ ୧୧ ଘଟିକା ସମୟରେ ଲିଜ୍ ଦରଖାସ୍ତକାରୀ ଙ୍କ ଉପସ୍ଥିତିରେ ଦରଖାସ୍ତ ତନଖି କରାଯିବ । ଉପରୋକ୍ତ ଦିନ କୌଣସି କାରଣରୁ ନିଲାମ ନହୋଇ ପାରିଲେ ପରବର୍ତୀ ନିଲାମ ତା ୨୫.୧୧୨୦୨୦ ରିଖ (ଦିବା ୧୧ ଘଟିକା ) ସମୟରେ ଅନୁଷ୍ଠିତ ହେବ ।

### ଦରଖାସ୍ତ ସହ ଦାଖଲ କରିବାକୁ ଥିବା ଦସ୍ତାବିଜ

୧. ଦରଖାସ୍ତ ପାଉଣା ବାବଦକୁ ଟ ୧୦୦୦ .୦୦ (ଏକ ହଜାର ଟଙ୍କା) ର ଟ୍ରେଜେରୀ ଚାଲାଣ ।

୨. ଆବେଦନ କରିଥିବା ଲିଜ୍ ଜମିର ସମ୍ପୁର୍ଣ୍ଣ ବିବରଣୀ ଓ ନକ୍ସା ।

୩. ସୈରାତ ଉତ୍ସ ବାବଦ କୌଣସି ବକେୟା ଅର୍ଥ ନଥିବା ସମ୍ବନ୍ଧିୟ ସତ୍ୟ ପାଠ ।

୪. ଆବେଦନକାରୀ ରୟାଲିଟି ( **Royalty** )ଓ ଅତିରିକ୍ତ ଦେୟ ( **Additional Charge** ) ବାବଦକୁ ବାର୍ଷିକ ଶତକଡା ୫ % ହାରରେ ସ୍ଥିରୀକୃତ ହୋଇଥିବା ବାଲିର ପରିମାଣ ଉପରେ ଦେୟ ଅମାନତ ରାଶି ( **Earnest Money**) ଓ ଅନ୍ୟାନ ଦେୟ ଡିମାଣ୍ଡ ଡ୍ରାଫ୍ଟ ଆକାରରେ ପୈଠ କରିବେ ।

୫. ରାଜସ୍ୱ ଅଧିକାରୀଙ୍କ ଠାରୁ ପ୍ରାପ୍ତ ସଲଭେନ୍ସୀ ସାର୍ଟିଫିକେଟ୍ କିମ୍ବା ୧୮ ମାସ ପର୍ଯ୍ୟନ୍ତ ଅବଧି ପ୍ରାପ୍ତ ଥିବା ବ୍ୟାଙ୍କ ଗ୍ୟାରେଣ୍ଟି ଯାହାର ମୂଲ୍ୟ ବାର୍ଷିକ ସର୍ବନିମ୍ନ ସ୍ଥିରୀକୃତ ହୋଇଥିବା ଲଘୁ ଖଣିଜ ପଦାର୍ଥ ଅନୁସାରେ ଉପରୋକ୍ତ ରୟାଲିଟି ଓ ପ୍ରଦାନ କରୁଥିବା ଅତିରିକ୍ତ ଦେୟର ( **Additional Charge** ) ମୂଲ୍ୟ ଠାରୁ କମ୍ ହୋଇନଥିବା ଏବଂ ଏଥି ସହିତ ଅନ୍ୟାନ୍ୟ ସ୍ଥାବର ସମ୍ପତିର ବିବରଣୀ ପ୍ରଦାନ କରିବେ ।

୬. ନିଲାମଧାରୀ ( **successful bidder** ), **mining plan and environmental clearance** ବାବଦକୁ ଦେୟ ପୈଠ କରିବାକୁ ହେବ । ଯଦି ଉକ୍ତ ଇସ୍ତାହାରରେ କୌଣସି ତ୍ରୁଟି ପରିଲକ୍ଷୀତ ହୁଏ , ତେବେ ତାହା ସଂଶୋଧନ କରିବାର କ୍ଷମତା ପ୍ରାପ୍ତ ଅଧିକାରୀଙ୍କର ରହିଛି । ସୈରାତ ଉତ୍ସ ଓ ନିଲାମ ସମ୍ବନ୍ଧୀୟ ସମସ୍ତ ସର୍ତ୍ତାବଳୀ ତହସିଲ କାର୍ଯ୍ୟାଳୟରେ ( ଛୁଟିଦିନ ବ୍ୟତୀତ ) ସମସ୍ତ କାର୍ଯ୍ୟ ଦିବସରେ ମିଳିପାରିବ ଓ ଏହି ସମ୍ବନ୍ଧୀୟ ସମ୍ପୂର୍ଣ୍ଣ ବିବରଣୀ **www.cuttack.nic.in** ରେ ଉପଲବ୍ଧ ହେବ ।

ତହସିଲଦାର, ବାଙ୍କୀ

# ସର୍ତ୍ତାବଳୀ

ଆବେଦନକାରୀ ଓଡିଶା ଲଘୁ ଖଣିଜ ଦ୍ରବ୍ୟ ରିହାତି ନିୟମାବଳୀ- ୨୦୧୬ ( OMMC RULE – 2016 & 2017) ର ପରିସରଭୁକ୍ତ ରହିବେ

ପ୍ରଚଳିତ ନିୟମାବଳୀ ଅନୁଯାୟୀ ଅତିରିକ୍ତ ଦେୟ (ADDITIONAL CHARGE ) ବାବଦକୁ ସର୍ବୋଚ୍ଚ ମୂଲ୍ୟ ଦରଜ କରିଥିବା ନିଲାମଧାରୀଙ୍କ ଦରଖାସ୍ତକୁ ଲିଜ୍ ପ୍ରଦାନ ନିମନ୍ତେ ଚୟନ କରାଯିବ । ଯଦି ୧ ରୁ ଅଧିକ ନିଲାମଧାରୀ ସମାନ ସର୍ବୋଚ୍ଚ ମୂଲ୍ୟ ପ୍ରଦାନ କରିଥିବେ , ତେବେ ଲଟେରୀ ମାଧ୍ୟମରେ ଲିଜ ପ୍ରଦାନ ନିମନ୍ତେ ଚୟନ କରାଯିବ ।

୩. ମାଇନିଂ ପ୍ଲାନ ରେ ସ୍ଥିରୀକୃତ ହୋଇଥିବା ଗଚ୍ଛିତ ଲଘୁ ଖଣିଜଦ୍ରବ୍ୟ ର ପରିମାଣ ତଥା ଲିଜଧାରୀଙ୍କ ଦ୍ଵାରା ପ୍ରଦାନ କରାଯାଇଥିବା ସର୍ବୋଚ୍ଚ ଅତିରିକ୍ତ ଦେୟ (Additional Charge) ର ମୂଲ୍ୟ କୁ ଗୁଣନ କରି ସମ୍ପୃକ୍ତ ଅର୍ଥ ସହିତ ରୟାଲିଟି କଳା ମେଣ୍ଟାଲ ନିମନ୍ତେ @ Rs 130/- per cum. ପୈଠ କରିବେ । ଏଥି ସହିତ ଜିଲ୍ଲା ମିନେରାଲ ଫାଉଣ୍ଡେସନ ଫଣ୍ଡ (DMF )ଦେୟ ମଧ୍ୟ ପୈଠ କରିବାକୁ ହେବ । ଉପରୋକ୍ତ ସମ୍ପୂର୍ଣ ରାଶି ପୈଠ ହେଲା ପରେ ରେଜିଷ୍ଟ୍ରେସନ ଆକ୍ଟ ୧୯୦୮ ଓ ଷ୍ଟାମ୍ପ ଆକ୍ଟ ୧୮୯୯ ଅନୁଯାୟୀ ଚୁକ୍ତି ପତ୍ର ( Lease deed ) ସମ୍ପାଦନ କରିବେ ଏବଂ ତତ୍ ପରେ OMMC RULE – 2016 & 2017 ଅନୁଯାୟୀ ଖାଦାନ ପରିଚାଳନା କରିବେ ।

୪. ଯଦି ସର୍ବୋଚ୍ଚ ଆଡିସନାଲ ଚାର୍ଜ ବା ଅତିରିକ୍ତ ଦେୟ ମୁଲ୍ୟାଙ୍କ କରିଥିବା ଆବେଦନକାରୀ ନିର୍ଦ୍ଧାରିତ ସମୟ ସୀମା ମଧ୍ୟରେ ସମସ୍ତ ଦେୟ ପୈଠ ନ କରନ୍ତି ବା ଖିଲାପ କରନ୍ତି ତା ହେଲେ ଦ୍ଵିତୀୟ ସର୍ବାଧିକ ମୁଲ୍ୟାଙ୍କ କରିଥିବା ନିଲମଧାରୀଙ୍କୁ ସୁଯୋଗ ଦିଆଯିବ ।

୫. ଯଦି ଦ୍ଵିତୀୟ ସର୍ବୋଚ୍ଚ ଅତିରିକ୍ତ ଦେୟ ମୁଲ୍ୟାଙ୍କ କରିଥିବା ଆବେଦନକାରୀଙ୍କ ଦ୍ଵାରା ପ୍ରଦାନ କରାଯାଇଥିବା ଅର୍ଥ ରାଶି ପ୍ରଥମ ସର୍ବୋଚ୍ଚ ମୁଲ୍ୟାଙ୍କ କରିଥିବା ଆବେଦନକାରୀଙ୍କ ଅର୍ଥରାଶି ଠାରୁ ଅତିକମ ହୋଇଥାଏ ତେବେ ଲିଜ ପ୍ରକ୍ରିୟାକୁ ରଦ୍ଦ କରାଯାଇ ( Controlling Authority) ଙ୍କ ଅନୁମତି କ୍ରମେ ନୁତନରୁପେ ନିଲାମ କରାଯିବ ।

୬. ଲିଜଧାରୀ ପ୍ରତିବର୍ଷ ପ୍ରଚଳିତ ଆଇନ ଅନୁସାରେ ସରକାରଙ୍କ ଦ୍ଵାରା ଧାର୍ଯ୍ୟ କରାଯାଉଥିବା Surface Rent, Dead Rent ଓ Royalty ପୈଠ କରିବେ ।

୭. ଲିଜଧାରୀ ଉପରୋକ୍ତ ଦେୟ ସହିତ District Mineral Foundation Fund (DMF )and Environmental Management Fund (EMF )ବାବଦ ଅର୍ଥ ରାଶି ବାର୍ଷିକ ଅଗ୍ରିମ ଆକାରରେ ପ୍ରଦାନ କରିବେ ।

୮. ଯଦି ଦରଖାସ୍ତକାରୀ ଧାର୍ଯ୍ୟ ମୁଲ୍ୟଠାରୁ କମ୍ ମୁଲ୍ୟ ଉଲ୍ଲେଖ କରିଥାନ୍ତି ତଥା ବିଜ୍ଞାପନ ରେ ଆବଶ୍ୟକ ଦସ୍ତାବିଜ୍ ଦାଖଲ କରି ନ ଥାନ୍ତି ତେବେ ଦରଖାସ୍ତକୁ ବିଚାରକୁ ନିଆଯିବ ନାହିଁ ।

୯. ନିଲାମଧାରୀ OMMC RULE -2016 ର ନିୟମ -33( 1-29 ) ର ସମସ୍ତ ସର୍ତ୍ତାବଳୀ ମାନିବା ପାଇଁ ବାଧ ହେବେ ।

୧୦. ନିଲାମଧାରୀ ଲଘୁ ଖଣିଜଦ୍ରବ୍ୟର ଉତ୍ତୋଳନ କୌଣସି ଯାନ୍ତ୍ରୀକ ଉପାୟରେ କରିବେ ନାହିଁ ତଥା କୌଣସି ଭାରୀଯାନ ଯେପରିକି ହାଇୱା ଇତ୍ୟାଦି ନଦୀବନ୍ଧ ଉପରେ ଚଳାଇବେ ନାହିଁ ।

୧୧. ନିଲାମଧାରୀ ଉତ୍ପାଦିତ ଲଘୁ ଖଣିଜଦ୍ରବ୍ୟ କୁ କ୍ଷମତା ପ୍ରାପ୍ତ ଅଧିକାରୀଙ୍କ ବିନା ଅନୁମତିରେ ରାଜ୍ୟ ବାହାରକୁ ଚାଲାଣ କରିପାରିବେ ନାହିଁ ।

୧୨. ନିଲାମଧାରୀ ଜମା ରୟାଲିଟି ର ୨ % ଆୟକର ବାବଦକୁ ଟ୍ରେଜେରୀ ଚାଲାଣ ଆକାରରେ ଜମା କରିବେ ।

୧୩. ଲିଜଧାରୀ Mines Act 1952 ଏବଂ Explosive Act 1984 ର ସମସ୍ତ ନିୟମ ଓ ସର୍ତ୍ତାବଳୀ ର ଅନ୍ତର୍ଭୁକ୍ତ ରହିବେ ।

ନିଲାମସ୍ଥାନ – ତହସିଲ କାର୍ଯ୍ୟାଳୟ, ବାଙ୍କୀ

ଧାର୍ଯ୍ୟ ତାରିଖ – ତା ୨୪.୧୧.୨୦୨୦ ରିଖ ଦିବା ୧୧ ଘଟିକା

*ନିଲାମ ତାରିଖ ଦିନ ଦରଖାସ୍ତକାରୀ ଅନୁପସ୍ଥିତ ରହିଲେ ତାଙ୍କର କୌଣସି ଅଭିଯୋଗ ଶୁଣାଯିବ ନାହିଁ ।*

ତହସିଲଦାର, ବାଙ୍କୀ

## ଲିଜ ପାଇଁ ଉଦ୍ଦିଷ୍ଟ ଲଘୁ ଖାଦାନର ବିବରଣୀ

### ସୈରାତ ଉତ୍ସର ବିସ୍ତାରିତ ବିବରଣୀ

| | ସୈରାତ ଉତ୍ସର ନାମ ଏବଂ କେଶ ନଂ | ଖାତା ନଂ | ପ୍ଲଟ ନଂ | ରକବା ଏକରରେ | କିସମ | ଲଘୁ ଖଣିଜର ନାମ | ସର୍ବନିମ୍ନ ରୟାଲିଟି ମୂଲ୍ୟ ( per cum ) ଟଙ୍କାରେ | ଅତିରିକ୍ତ ଦେୟ ( Additional Charge per cum ) ଟଙ୍କାରେ | Mining plan ଅନୁଯାୟୀ ବାର୍ଷିକ ଧାର୍ଯ୍ୟ ବାଲିର ପରିମାଣ | ଅଗ୍ରିମ ଦାଖଲ କରିବାକୁ ଥିବା ଅମାନତ ରାଶି Earnest Money ର ପରିମାଣ ଟଙ୍କାରେ |
|---|---|---|---|---|---|---|---|---|---|---|
| ପୁରା | ବ୍ରହ୍ମପୁରା କଳା ମେଣ୍ଢାଲ ୩୪/୨୦୨୦-୨୧ | ୮୮୬ | ୨୫୧୮ | ଏ ୧.୧୫ | ପୁରାତନ ପତିତ | କଳା ମେଣ୍ଢାଲ | ୧୩୦.୦୦ | ୧୩.୦୦ | ୪୮୦ CUM | ଟ ୩୪୩୨/- |

ତହସିଲଦାର, ବାଙ୍କୀ